# ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

District level joint hearing of public Grievance.

## ୧୩ ଜଣଙ୍କୁ ଜିଲ୍ଲା ରେଡକ୍ରସ ପାଣ୍ଠିରୁ ଚିକିତ୍ସା ନିମନ୍ତେ ୩୩ ହଜାର ଟଂକାର ଆର୍ଥିକ ସହାୟତା ପ୍ରଦାନ ।

ଅନୁଗୋଳ,ତା.୩୦.୧୨:- ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍ ଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଶିବିରରେ ଦାଖଲ ହୋଇଥିବା ସମୁଦାୟ ୧୧୩ ଟି ଅଭିଯୋଗରୁ ୯୧ଟି ବ୍ୟକ୍ତିଗତ, ୯ଟି ଗ୍ରାମ୍ୟ ଭିତ୍ତିକ ଓ ୧୩ଟି ରେଡକ୍ରସ ସହାୟତା ସମ୍ପର୍କୀତ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଅତିରିକ୍ତ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଜିଲ୍ଲା ରେଡକ୍ରସ ପାଣ୍ଠିରୁ ଏହି ୧୩ ଜଣଙ୍କୁ ୩୩ ହଜାର ଟଂକା ଆର୍ଥିକ ସହାୟତା ଚିକିତ୍ସା ନିମନ୍ତେ ପ୍ରଦାନ କରାଯାଇଛି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ଭତ୍ତା,ଇନ୍ଦିରାଆବାସ,ବିଜୁ ପକକା ଘର,ପାନୀୟ ଜଳ ଯୋଗାଣ,ବିଦ୍ୟୁତ୍ ସମସ୍ୟା,ରାସ୍ତା ନିର୍ମାଣ,ଶିକ୍ଷା,ସ୍ୱାସ୍ଥ୍ୟ,ବିସ୍ଥାପନ ଓ ବିଭିନ୍ନ ରୋଗର ଚିକିତ୍ସା ନିମନ୍ତେ ଅତିରିକ୍ତ ଜିଲ୍ଲାପାଳଂକ ନିକଟରେ ଅଭିଯୋଗ କରିଥିଲେ । ଏହି ଶିବିରରେ ଅନ୍ୟମାନଂକ ମଧ୍ୟରେ ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଅତୁଲ୍ୟ କୁମାର ଚମ୍ପ ତିରାୟ୍ , ଉପଜିଲ୍ଲାପାଳ ଶ୍ରୀ ବାସୁଦେବ ଶତପଥି, ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଶ୍ରୀ ଯଦୁନାଥ ହାଁସଦା,ଅନୁଗୋଳ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଶ୍ରୀ ମାୟାଧର ବେହେରା,ଆସିଷ୍ଟାଣ୍ଟ କଲେକ୍ଟର ଇସାନି ପଣ୍ଡାଂକ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧି କାରୀମାନେ ଯୋଗ ଦେଇଥିଲେ ।






Shot on realme 1